# ତହସିଲଦାରଙ୍କ କାର୍ଯ୍ୟାଳୟ, ଝାରସୁଗୁଡା

## ନିଲାମ ଇସ୍ତିହାର

ବିଜ୍ଞପ୍ତି ସଂଖ୍ୟା : 578                                                  ତାରିଖ : 22.02.2020

ଏତଦ୍ୱାରା ସର୍ବ ସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଛି ଯେ, ଓଡିଶା ସରକାରଙ୍କ ରାଜସ୍ୱ ବିଭାଗ ଅଧୀନସ୍ଥ ଝାରସୁଗୁଡା ତହସିଲ ଅନ୍ତର୍ଗତ ନିମ୍ନ ଲିଖିତ ଲଘୁ ଖଣିଜ ଖାଦାନର ଆସନ୍ତା ୫ ବର୍ଷ (୨୦୨୦-୨୧ ରୁ ୨୦୨୪-୨୬) ନିମନ୍ତେ ଲିଜ ପାଇଁ ନିମ୍ନ ସାରଣୀ ମୁତାବକ ତହସିଲଦାର ଝାରସୁଗୁଡାଙ୍କ ଦ୍ୱାରା ନିଲାମ କରାଯିବ । ଇଚ୍ଛୁକ ବ୍ୟକ୍ତି ବିଶେଷ OMMC Rule 2016 ର Form - M ପୂରଣ କରି ଏହାର ତିନି କପି ନିମ୍ନଲିଖିତ ଦଲିଲ ସଂଲଗ୍ନ କରି Sealed Cover ଉପରେ ସୈରାତ ଉତ୍ସର ନାମ ଉଲ୍ଲେଖ କରି ଆବେଦନ କରିବେ ଯାହାକି ନିମ୍ନ ସ୍ୱାକ୍ଷରକାରୀଙ୍କ କାର୍ଯ୍ୟାଳୟ ରେ ତା :୧୨.୦୩.୨୦୨୦ ରିଖ ମଧ୍ୟାହ୍ନ ୦୫:୩୦ ଟା ସୁଦ୍ଧା ତହସିଲ କାର୍ଯ୍ୟାଳୟ ରେ ଥିବା Drop Box ରେ ପକାଇବା ପାଇଁ ଧାର୍ଯ୍ୟ କରାଯାଇଛି । ଧାର୍ଯ୍ୟ ତାରିଖ ଓ ସମୟ ଅତିବାହିତ ହେଲା ପରେ କୌଣସି ଦରଖାସ୍ତ ଗ୍ରହଣୀୟ ନୁହେଁ । Tender Box ତା: ୧୩.୦୩.୨୦୨୦ ରିଖ ପୂର୍ବାହ୍ନ ୧୧:୦୦ ଘଟିକା ସମୟରେ ତହସିଲ କାର୍ଯ୍ୟାଳୟରେ ଲିଜ ଦରଖାସ୍ତକାରୀ କିମ୍ବା ତାଙ୍କ ପ୍ରତିନିଧିଙ୍କ ଉପସ୍ଥିତିରେ ଖୋଲା ଯାଇ ଲିଜ ଚୁଡାନ୍ତ କରାଯିବ ଏବଂ ଅସମ୍ପୂର୍ଣ୍ଣ ଦରଖାସ୍ତ ଗୁଡିକ ବାତିଲ କରାଯିବ । ଯେଉଁ ଉତ୍ସ ଗୁଡିକ ପାଇଁ ନିର୍ଦ୍ଧାରିତ ତାରିଖରେ ଆବେଦନପତ୍ର ମିଳିନଥିବ କିମ୍ବା ଲିଜ୍ ଚୁଡାନ୍ତ ହୋଇନଥିବ ସେହି ଉତ୍ସ ଗୁଡିକ ପାଇଁ ଦ୍ୱିତୀୟ ଓ ତୃତୀୟ ଥର ପାଇଁ ଯଥାକ୍ରମେ ତା. ୨୦.୦୩.୨୦୨୦ ରିଖ ଓ ତା. ୨୬.୦୩.୨୦୨୦ ରିଖ ମଧ୍ୟାହ୍ନ ୧୨:୦୦ ଘଟିକା ପର୍ଯ୍ୟନ୍ତ ଆବେଦନ ଗ୍ରହଣକରାଯିବ ଏବଂ ଉକ୍ତ ଦିନ ଅପରାହ୍ନ ୦୩:୩୦ ଘଟିକା ସମୟରେ ପୂର୍ବମତେ Tender Box ଖୋଲାଯିବ। ଏହାର ସବିଶେଷ ବିବରଣୀ ଜିଲ୍ଲା website (Jharsuguda.nic.in) ରେ ଉପଲବ୍ଧ ।

ତହସିଲଦାର, ଝାରସୁଗୁଡା

ଦରଖାସ୍ତ ସହ ଦାଖଲ କରିବାକୁ ଥିବା ଦସ୍ତାବିଜ

୧. ଦରଖାସ୍ତ ଶୁଳ୍କ ସକାଶେ ଟ. ୧୦୦୦.୦୦ ( ଏକ ହଜାର ଟଙ୍କା ) ମାତ୍ର ର ଟ୍ରେଜେରୀ ଚାଲାଣ (Head of Account 0853-Non-Ferrous Mining and Metallurgical Industries-102-Mineral Concession Fees, Rents and Royalties)।

୨. ଆବେବଦନ କରିଥିବା ଜମି ର ସମ୍ପୂର୍ଣ୍ଣ ବିବରଣୀ ଓ ନକ୍ସା ।

୩. ସୈରାତ ଉତ୍ସ ବାବଦୀୟ କୌଣସି ବକେୟା ଅର୍ଥ ପୈଠ କରିବାକୁ ନଥିବା ସମ୍ବନ୍ଧୀୟ ସତ୍ୟପାଠ (Affidavit) ।

୪. IT Returns ଏବଂ ଅନ୍ୟୂନ ୧୮ ମାସ ପର୍ଯ୍ୟନ୍ତ କାଏମ ଥିବା ବ୍ୟାଙ୍କ ଗ୍ୟାରେଣ୍ଟି ଯାହାକି ଦରଖାସ୍ତ କରୁଥିବା ସୈରାତ ଉତ୍ସର ବାର୍ଷିକ ମୂଲ୍ୟ [Minimum Guaranteed Quantity X (Royalty + Additional Charges)] ଠାରୁ ଅଧିକ ହୋଇଥିବା ଆବଶ୍ୟକ।

୬. Earnest Money ପାଇଁ Demand Draft (in favour of Tahasildar, Jharsuguda) ଯାହାର ମୂଲ୍ୟ ଅତିରିକ୍ତ ଚାର୍ଜ (Addl. Charge) ଏବଂ Royalty (ଏକ ବର୍ଷ) ର ୫% ଠାରୁ କମ୍ ହୋଇନଥିବ । [EMD = 5% of {Minimum Guaranteed Quantity X (Royalty + Additional Charges)}]



Scanned by CamScanner

# ସର୍ତ୍ତାବଳୀ

୧. ଆବେଦନକାରୀମାନେ ଓଡିଶା ଲଘୁ ଖଣିଜ ଦ୍ରବ୍ୟ ରିହାତି ଆଇନ୍ –OMMC Rules-2016 ର ପରିସର ଭୁକ୍ତ ରହିବେ ।

୨. ଲିଜ୍ ରେ ଅଂଶ ଗ୍ରହଣ କରିଥିବା ବ୍ୟକ୍ତି ବିଶେଷ ଉତ୍ସଗୁଡ଼ିକୁ ପରିଦର୍ଶନ କରି ପରିଚାଳନା ପାଇଁ ଗମନାଗମନ ସୁବିଧା, ଗଚ୍ଛିତ ଥିବା ଲଘୁ ଖଣିଜ ଦ୍ରବ୍ୟ ଓ ଅନ୍ୟାନ୍ୟ ଆନୁଷାଙ୍ଗିକ ସୁବିଧା ସଂପର୍କରେ ପର୍ଯ୍ୟବେକ୍ଷଣ କରି ଦରଖାସ୍ତ କରିବା ଆବଶ୍ୟକ । ଲିଜଧାରୀ ରାସ୍ତାଘାଟ ଏବଂ ଗମନାଗମନ ସୁବିଧା ପାଇଁ ନିଜେ ଦାୟୀ ରହିବେ । ଲିଜ୍ ନେବା ପରେ ସୈରାତ ଚଳାଇବା ସଂପର୍କରେ କୌଣସି ଅଭିଯୋଗ ଗ୍ରହଣୀୟ ହେବ ନାହିଁ ତଥା କୌଣସି ପ୍ରାକୃତିକ ବିପର୍ଯ୍ୟୟ ନିମନ୍ତେ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ ।

୩. ଲିଜ୍ ସୂତ୍ରେ ନେବାକୁ ଇଚ୍ଛୁକ ଥିବା ବ୍ୟକ୍ତି ଦରଖାସ୍ତରେ, ଲଘୁ ଖଣିଜ ଦ୍ରବ୍ୟର ସରକାରଙ୍କ ଦ୍ୱାରା ଧାର୍ଯ୍ୟ ଅତିରିକ୍ତ ଦେୟର (Additional Charge) ମୂଲ୍ୟଠାରୁ କମ ମୂଲ୍ୟ ଦର୍ଶାଇଲେ ତାହା ଗ୍ରହଣୀୟ ହେବ ନାହିଁ ଏବଂ ଦରଖାସ୍ତଟି ନାକଚ ହେବ । ସରକାରଙ୍କ ଦ୍ୱାରା ଧାର୍ଯ୍ୟ ଅନ୍ୟୁନ ଅତିରିକ୍ତ ଦେୟ (Additional Charge) ନିମ୍ନମତେ ଦିଆଗଲା ।

a) 1 cum ବାଲି ପ୍ରତି ଅନ୍ୟୁନ ଅତିରିକ୍ତ ଦେୟ (Additional Charge) ମୂଲ୍ୟ = Rs. 202.00 (ଦୁଇଶହ ଦୁଇ ଟଙ୍କା ମାତ୍ର)

b) 1 cum ପଥର ପ୍ରତି ଅନ୍ୟୁନ ଅତିରିକ୍ତ ଦେୟ (Additional Charge) ମୂଲ୍ୟ = Rs. 159.00 (ଏକଶହ ଅଣଶଠି ମାତ୍ର)

୪. ପ୍ରଚଳିତ ନିୟମ ଅନୁଯାୟୀ ଅତିରିକ୍ତ ଦେୟ (Additional Charges) ର ମୂଲ୍ୟ ଉପରେ ସର୍ବୋଚ୍ଚ ମୂଲ୍ୟ ଦର୍ଶାଇଥିବା ନିଲାମଧାରୀଙ୍କ ଦରଖାସ୍ତକୁ ଲିଜ୍ ପ୍ରଦାନ ନିମନ୍ତେ ଚୟନ କରାଯିବ । ଯଦି ୧ ରୁ ଅଧିକ ଦରଖାସ୍ତକାରୀ ସମାନ ସର୍ବୋଚ୍ଚ ମୂଲ୍ୟ ପ୍ରଦାନ କରିଥିବେ ତେବେ ଲଟେରୀ ମାଧ୍ୟମରେ ଲିଜ୍ ଧାରୀଙ୍କୁ ଚୟନ କରାଯିବ ।

୫. ଯଦି ସର୍ବାଧିକ ରୟାଲଟି ଦର୍ଶାଇଥିବା ବ୍ୟକ୍ତି ସର୍ତ୍ତାବଳୀରେ ଖିଲାପ କରନ୍ତି ତେବେ ତାଙ୍କ ପରବର୍ତ୍ତୀ ସର୍ବାଧିକ ରୟାଲଟି ଦର୍ଶାଇଥିବା ବ୍ୟକ୍ତିଙ୍କୁ କ୍ରମାନ୍ୱୟରେ ସୁଯୋଗ ଦିଆଯିବ ।

୬. ଲିଜ୍ ନିମନ୍ତେ ଯୋଗ୍ୟ ଦରଖାସ୍ତକାରୀ ସୈରାତ ଉପର ବାର୍ଷିକ ଦେୟ [Minimum Guaranteed Quantity X (Royalty + Additional Charge)] + Amount of contribution payable to DMF ର ଏକ ଚତୁର୍ଥାଂଶ ରାଶି ଲିଜ ଚୁଡାନ୍ତ ହେବାର ୧୫ (ପନ୍ଦର) ଦିନ ମଧ୍ୟରେ ପ୍ରାଧିକୃତ ଅଧିକାରୀଙ୍କ ପାଖରେ ଦାଖଲ କରିବେ, ଯାହାକି ସୁଧ ବିହିନ ଅମାନତ ରାଶି (Security) ହିସାବରେ ରଖାଯିବ ।

୭. ବିବେଚିତ ନିଲାମ ଡକାଳି ୦୩ ମାସ ସମୟସୀମା ମଧ୍ୟରେ Mining Plan Form-O ଓ Environment Clearance ଦାଖଲ କରିବେ ଏବଂ ଚୁକ୍ତି ସ୍ୱାକ୍ଷର କରିବେ ।

୮. Mining Plan ଟି Form-O ରେ ଅନୁମୋଦିତ ହେବା ଆବଶ୍ୟକ ଓ Environment Clearance ଭାରତ ସରକାରଙ୍କ ଅଧିସୂଚନା ସଂଖ୍ୟା 1533 ତା 14.09.2006 ଅନୁଯାୟୀ କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଠାରୁ ଅନୁମୋଦିତ ହେବା ବିଧେୟ ।

୯. Environment Clearance ମଂଜୁରୀ ପରେ ଲିଜ୍ ଧାରୀ ଏକ ବର୍ଷ ପାଇଁ Royalty, Surface Rent, Royalty ର ୫% EMF, Royalty ର ୧୦% District Mineral Foundation (DMF) ଏବଂ Royalty ର ୨% TDS ବାବଦକୁ ରାଶି ପୈଠ କରିବେ । ସଂପୂର୍ଣ ରାଶି ପୈଠ ହେଲା ପରେ ଲିଜ୍ ଧାରୀ ରେଜିଷ୍ଟ୍ରେସନ ଆକ୍ଟ ୧୯୦୮ ଓ ଷ୍ଟାମ୍ପ ଆକ୍ଟ ୧୯୯୯ ଅନୁଯାୟୀ ଚୁକ୍ତି ପତ୍ର ସଂପାଦନ କରିବେ ।

୧୦. ଦରଖାସ୍ତକାରୀ Mines Act 1952 ଓ Explosive Act 1884 ର ସମସ୍ତ ନିୟମାବଳୀର ଅନ୍ତର୍ଭୁକ୍ତ ରହିବେ ।



Scanned by CamScanner

୧୧. ଲିଜ୍ ଧାରୀ ସୈରାତ ଉତ୍ସ ର ନକ୍ସା ଅନୁଯାୟୀ ସିମେଣ୍ଟ ଖୁଣ୍ଟ ଦ୍ୱାରା ବାଡ ଦେଇ ଚିହ୍ନଟ କରିବେ ଓ ସମ୍ମୁଖ ଭାଗରେ ଏକ ଡିସପ୍ଲେ ବୋର୍ଡ ତିଆରି କରି ସେଥିରେ ସୈରାତ ଉତ୍ସର ନାମ ତଥା ମଞ୍ଜୁର ହୋଇଥିବା ଆର୍ଥିକ ବର୍ଷ ଏବଂ ଅନ୍ୟାନ୍ୟ ସୂଚନା ଉଲ୍ଲେଖ କରିବେ । ଏସବୁ କାର୍ଯ୍ୟ ସମ୍ପାଦନ ଲିଜ୍ ଧାରୀ ନିଜ ଖର୍ଚ୍ଚରେ କରିବେ ।

୧୨. ବିଜ୍ଞାପନ ଖର୍ଚ୍ଚ ସର୍ବୋଚ୍ଚ ଲିଜ୍ ଧାରୀ ମାନେ ଆନୁପାତିକ ଭାବେ ବହନ କରିବେ ।

୧୩. Reserve Assessment Report, Mining Plan ଏବଂ Environmental Clearance ବାବଦକୁ ଖର୍ଚ୍ଚ ଲିଜଧାରୀ ନିଜେ ବହନ କରିବେ ।

୧୪. ଉପରୋକ୍ତ ସମସ୍ତ ସର୍ତ୍ତାବଳୀ ପୂରଣ ହେଲାପରେ କାର୍ଯ୍ୟାଦେଶ ଦିଆଯିବ । କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଠାରୁ କାର୍ଯ୍ୟାଦେଶ ନ ମିଳିବା ପର୍ଯ୍ୟନ୍ତ ଲିଜ୍ ଧାରୀ ସୈରାତ ଉତ୍ସରୁ ଲଘୁ ଖଣିଜ ଦ୍ରବ୍ୟ ଉଠାଇ ପାରିବେ ନାହିଁ ।

୧୫. ଲିଜ୍ ସମ୍ବନ୍ଧୀୟ ସର୍ତ୍ତାବଳୀ କାର୍ଯ୍ୟାଳୟ ରେ ଛୁଟିଦିନ ବ୍ୟତିତ ସମସ୍ତ କାର୍ଯ୍ୟ ଦିବସରେ ଦେଖିପାରିବେ। ଏହା ବ୍ୟତିତ ଇସ୍ତିହାରର ସମସ୍ତ ବିବରଣୀ ଜିଲ୍ଲା ୱେବ୍ ସାଇଟ www.jharsuguda.nic.in ରେ ମଧ୍ୟ ଦେଖିପାରିବେ ।

୧୬. ଯଦି ଇସ୍ତିହାରରେ କୌଣସି ତ୍ରୁଟି ପରିଲକ୍ଷିତ ହୁଏ ତେବେ ତାହା ସଂଶୋଧନ କରିବାର କ୍ଷମତା କ୍ଷମତାପ୍ରାପ୍ତ ଅଧିକାରୀଙ୍କର ରହିଛି ।

୧୭. କ୍ଷମତାପ୍ରାପ୍ତ ଅଧିକାରୀ କୌଣସି କାରଣ ନ ଦର୍ଶାଇ ଲିଜ୍ କାର୍ଯ୍ୟ ବାତିଲ ବା ସ୍ଥଗିତ କରି ପାରିବେ ।

୧୮. ନିଲାମଧାରୀମାନେ OMMC Rules-2016 ର ସମସ୍ତ ସର୍ତ୍ତାବଳୀ ମାନିବା ନିମନ୍ତେ ବାଧ୍ୟ ହେବେ ।

୧୯. ସର୍ବନିମ୍ନ ନିର୍ଦ୍ଧିଷ୍ଟ ପରିମାଣ ଏବଂ ଉତ୍ସ ର ରକବା ମାଇନିଂ ପ୍ଲାନ ଅନୁସାରେ ପରିବର୍ତ୍ତନ ହୋଇପାରେ ।

୨୦. ଯେକୌଣସି ମୁହୂର୍ତ୍ତରେ ଯଦି ନିୟମରେ କିଛି ପରିବର୍ତ୍ତନ ଘଟେ ତେବେ, ଲିଜ୍‌ଧାରୀ ନିୟମକୁ ମାନିବାକୁ ବାଧ୍ୟହେବେ ।

## ଲିଜ ପାଇଁ ଉଦ୍ଦିଷ୍ଟ ଲଘୁ ଖଣିଜ ଉତ୍ସର ବିବରଣୀ

| କ୍ର. ନଂ. | ସଇରାତ ମୋକଦ୍ଦମା ନଂ. | ସଇରାତ ଉତ୍ସର ନାମ | ମୌଜାର ନାମ | ଖାତା ନଂ. | ପ୍ଲଟ ନଂ. | କିସମ | ରକବା (ଏକର) | ଅଫିସିଆଲ ରେଟ ପ୍ରତି ଘନ ମିଟର | ସର୍ବନିମ୍ନ ନିର୍ଦ୍ଧିଷ୍ଟ ପରିମାଣ (ଘନ ମି.) | ଅଗ୍ରିମ ସୁରକ୍ଷା ଜମା ରାଶି |
|---|---|---|---|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 | 8 | 9 | 10 | 11 |
| 1 | 09/2019 | ଝାରସୁଗୁଡ଼ ବାଲି ଘାଟ 'କ' | ଝାରସୁଗୁଡ଼ | 176 | 380/1838 ପ୍ଲ | ନଦୀ | 24.00 | ଟ 202.00 | 15000 | 1,77,750.00 |
| 2 | 10/2019 | ଝାରସୁଗୁଡ଼ ବାଲି ଘାଟ 'ଖ' | ଝାରସୁଗୁଡ଼ | 176 | 380/1838 ପ୍ଲ | ନଦୀ | 20.00 | ଟ 202.00 | 15000 | 1,77,750.00 |

ଜ୍ଞାପକ ସଂଖ୍ୟା: 579 ତାରିଖ: 20.02.2020

ଏହାର ଏକକିତା ନକଲ ଜିଲ୍ଲାପାଳ, ଝାରସୁଗୁଡା/ ଉପଜିଲ୍ଲାପାଳ, ଝାରସୁଗୁଡା/ ଝାରସୁଗୁଡା ଜିଲ୍ଲାର ସମସ୍ତ ଗୋଷ୍ଠି ଉନ୍ନୟନ ଅଧିକାରୀ କାର୍ଯ୍ୟାଳୟ/ ଝାରସୁଗୁଡା ଜିଲ୍ଲାର ସମସ୍ତ ତହସିଲ କାର୍ଯ୍ୟାଳୟ/ ଝାରସୁଗୁଡା ଅନ୍ତର୍ଗତ ସମସ୍ତ ଗ୍ରାମ ପଞ୍ଚାୟତର ସରପଞ୍ଚ ଏବଂ ରାଜସ୍ୱ ନିରୀକ୍ଷକଙ୍କ କାର୍ଯ୍ୟାଳୟ ତାଙ୍କର ସୂଚନା ଫଳକରେ ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ସୂଚନା ଅଧିକାରୀ ଝାରସୁଗୁଡାଙ୍କୁ ଜିଲ୍ଲା ୱେବସାଇଟରେ ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ତହସିଲଦାର, ଝାରସୁଗୁଡା



Scanned by CamScanner